# भाकृअनुप - केंद्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-କେନ୍ଦ୍ରୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

(An ISO 9001: 2015 Certified Institute)

## କୃଷି ସୂଚନା ସେବା (ଧାନ)

**୨୦୨୫ ମସିହା ସେପ୍ଟେମ୍ବର ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା**

- ଅନ୍ୟ ପୁରୁଣା ଗଛରୁ ପିଲ ବାହାର କରି କିମ୍ବା ସେହି କିସମର ବୁଢ଼ାତଳି ବଳକା ଥିଲେ ଶୁନ୍ୟ ସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗମିଟର ପିଛା ୩୩ ଟି ବୁଦା ରହିବ ।
- ବିଲରେ ଧାନ ତଳି ରୋଇବାର ଥିଲେ ଚାଷୀଭାଇମାନେ ଅଧିକ ଦିନିଆ ତଳିକୁ ୧୫ X ୧୫ ସେ.ମି. ବ୍ୟବଧାନରେ ୪ ରୁ ୫ ଟି ତଳି ଅଳ୍ପ ଗଭୀରରେ ରୋଇବା ଉଚିତ୍ ।
- ଘାସ ନିୟନ୍ତ୍ରଣ ପାଇଁ ଏକର ପିଛା ୪ କି.ଗ୍ରା. ଘାସମରା ଦାନାଦାର ବେନ୍ସଲଫ୍ୟୁରାନ୍ ମିଥାଇଲ ୦.୬% + ପ୍ରେଟିଲାକ୍ଲୋର ୬% ଜି.ଆର୍. ସହିତ ୪ କି.ଗ୍ରା ବାଲି ମିଶାଇ ଧାନ ତଳି ରୋଇବାର ୫ ରୁ ୧୦ ଦିନ ପରେ ପ୍ରୟୋଗ କରନ୍ତୁ କିମ୍ବା  ଘାସ ଗଜା ହେବାର ୮ ରୁ ୧୦ ଦିନ ପରେ ଅର୍ଥାତ୍ ଘାସ ୨-୩ ଟି ପତ୍ର ହୋଇଥିବା ଅବସ୍ଥାରେ ୧୦୦ ମି.ଲି. ବିସ୍ପାଇରିବାକ୍ ସୋଡିୟମ୍ ୧୦% ଏସ୍.ସି. ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟରରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ କିମ୍ବା ଏକର ପିଛା ୯୦୦ ମି.ଲି. ପେନୋକ୍ସୁଲମ୍ + ସାଇହାଲୋଫପ୍ ବ୍ୟୁଟାଇଲ୍ (ଭିଭାୟ) କିମ୍ବା ଏକର ପିଛା ୨୪୦ ଗ୍ରାମ୍ ଫେନୋକ୍ସାପ୍ରୋ-ପି-ଇଥାଇଲ + ୫୦ ଗ୍ରାମ୍ ଇଥୋକ୍ସିସଲଫ୍ୟୁରାନ୍ (ରାଇସ୍ଷ୍ଟାର + ସନ୍‌ରାଇଜ୍) ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟର୍‌ରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ ।
- ଯଦି ତଳିଘରାରେ ଉକୁଣିଆ ପୋକ ଦେଖାଯାଏ ତେବେଏକର ପ୍ରତି NSKE (ଆଜାଡିରାକ୍ଟିନ୍) ୦.୧୫% ଏକର ପ୍ରତି ଏକ ଲିଟର  କିମ୍ବା ଲାମ୍ବଡାସାଇହାଲୋଥ୍ରିନ୍ ୫% ଇ.ସି. ୧୦୦ ମି.ଲି. କିମ୍ବା  ଥାୟାମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି. ୪୦ ଗ୍ରାମ୍ ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକ ପ୍ରାଦୁର୍ଭାବ ସମ୍ଭାବନା ଥିବା ଅଞ୍ଚଳରେ ଟ୍ରାଇକୋଗ୍ରାମା ଜାପୋନିକମ୍ ପରଜିବୀର ଅଣ୍ଡା ଏକର ପ୍ରତି ୨୦,୦୦୦ (ଅର୍ଥାତ୍ ୧-୨ଟି ଟ୍ରାଇକୋ କାର୍ଡ) ୪-୫ ଥର ବ୍ୟବହାର କରନ୍ତୁ ।
- କାଣ୍ଡବିନ୍ଧା ପୋକ ଓ ପତ୍ରମୋଡା ପୋକର ଦମନ ପାଇଁ ଏକର ପିଛା ଗୋଟିଏ ଲାଇଟଟ୍ରାପ୍ (ଆଲୋକ ଯନ୍ତା) ବ୍ୟବହାର କରନ୍ତୁ ।
- ଧାନ ଫସଲରେ କାଣ୍ଡବିନ୍ଧା ପୋକ ଏବଂ ପତ୍ରମୋଡା ପୋକର ନିରୀକ୍ଷଣ ପାଇଁ ଏକର ପିଛା ତିନୋଟି ଫେରୋମୋନ୍ ଟ୍ରାପ୍ ରଖନ୍ତୁ । ଯଦି ଗୋଟିଏ ଦିନରେ ଟ୍ରାପ୍ ପିଛା ୪ ରୁ ୫ଟି ପୁରୁଷ ପ୍ରଜାପତି ପଡନ୍ତି, ତେବେ ଏକର ପିଛା ୮୦୦ ମି.ଲି. ଆଜାଡିରାକ୍ଟିନ୍ ୦.୧୫% ଇ.ସି. କିମ୍ବା ୪ କି.ଗ୍ରା. କ୍ଲୋରାନଟ୍ରାନିଲିପ୍ରୋଲ୍ ୪% ଜି.ଆର୍. ସହିତ ବାଲି ସମାନ ଭାବରେ ମିଶାଇ କିମ୍ବା ୬୦ ମି.ଲି. କ୍ଲୋରାନଟ୍ରାନିପ୍ରୋଲ ୧୮.୫% ଏସ୍.ସି. କିମ୍ବା ୧୦୦ ରୁ ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. ୨୦୦ ଲିଟର ପାଣିରେ କିମ୍ବା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେନ୍ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ଧାନବୁଦା ପ୍ରତି ଯଦି ୨ଟି ମୋଡାପତ୍ର ଦେଖାଯାଏ, ତେବେ ପତ୍ରମୋଡା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୬୦ ମି.ଲି. କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ % ଏସ୍.ସି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେନ୍ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. କିଭା ୪୦୦ ଗ୍ରାମ୍ କାର୍ଟାପ୍ ୫୦ ଡବ୍ଲ୍ୟୁ.ପି. କିମ୍ବା ୬୪୦ ମି.ଲି. କୁଇନାଲଫସ୍ ୨୫ ଇ.ସି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।
- ଅନ୍ୟ ପୁରୁଣା ଗଛରୁ ପିଲ ବାହାରକରି ଶୁନ୍ୟସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗ ମିଟର ପିଛା ୩୩ ଟି ବୁଦା ରହିବ ।
- ଯେଉଁ ଜମିରେ ଦସ୍ତା ପରିମାଣ କମ୍ ଥିବ, ଏକ ଏକର ପିଛା ଜିଙ୍କ୍ ଇ.ଡି.ଟି.ଏ ୧ ଲିଟର ପାଣିରେ ଅଧା ଗ୍ରାମ ମିଶାଇ ତଳି ରୋଇବାର ୩୦ ଦିନ ଏବଂ ୪୫ ଦିନ ପରେ ଦୁଇ ଥର ସିଂଚନ କରନ୍ତୁ କିମ୍ବା ଜିଙ୍କ୍ ସଲଫେଟ୍ ୦.୫% (ଅର୍ଥାତ୍ ଏକର ପାଇଁ ୨ କି.ଗ୍ରା. ଜିଙ୍କ୍ ସଲଫେଟ୍ ସହିତ ୧୦ କି.ଗ୍ରା. ଚୁନକୁ ୪୦୦ ଲିଟର ପାଣିରେ ପ୍ରସ୍ତୁତ ଦ୍ରବଣ) ୧୫ ଦିନ ବ୍ୟବଧାନରେ ତିନି ଥର ସିଂଚନ କରନ୍ତୁ ।
- ପତ୍ରାଚ୍ଛଦ ପୋଡା ରୋଗ ଦମନ କରିବା ପାଇଁ ଟେବୁକୋନାଜୋଲ୍ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. ୮୦ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୨୫ ଇ.ସି. ୨୦୦ ମି.ଲି. କିମ୍ବା ହେକ୍ସାକୋନାଜଲ ୫୦% ୪୦୦ ମି.ଲି. କିମ୍ବା ଭାଲିଡାମାଇସିନ୍ ୩ ଏଲ୍ ୪୦୦ ମି.ଲି. ପାଣିରେ ମିଶାଇ ୭-୧୦ ଦିନ ଅନ୍ତରରେ ଦୁଇଥର ସିଞ୍ଚନ କରନ୍ତୁ । ଏକ ଏକର ପ୍ରତି ୨୦୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଧାନ ଗଛରେ ପତ୍ରପୋଡା/ପତ୍ରାଗାର ରୋଗ ଦେଖା ଦେଲେ ୨୦୦ ଗ୍ରାମ୍ ପ୍ଲାଂଟୋମାଇସିନ୍ ସହିତ କପର୍ ଅକ୍ସିକ୍ଲୋରାଇଡ୍ ୧୫୦-୨୦୦ ଗ୍ରାମ ୍ମିଶାଇ ସିଞ୍ଚନ କରନ୍ତୁ । ୧ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ମହିଷା ରୋଗ ଦେଖା ଦେଲେ ଏକ ଲିଟର ପାଣିରେ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% (ନାଟିଭୋ ୭୫% ଡବ୍ଲ୍ୟୁ.ଜି.) ୮୦ ଗ୍ରାମ୍ କିମ୍ବା ୨ ମି.ଲି. ଏଡିଫେନ୍‌ଫସ୍ ୫୦ ଇ.ସି. କିମ୍ବା ୧୨୦ ଗ୍ରାମ୍ ଟ୍ରାଇସାଇକ୍ଲାଜୋଲ୍ ୭୫ ଡବ୍ଲ୍ୟୁ.ପି. ସିଞ୍ଚନ କରନ୍ତୁ ନତୁବା ଏକ ଲିଟର ପାଣିରେ ସତେଜ ବେଲ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ତୁଳସୀ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ନିମ୍ବ ପତ୍ର ବଟା (୨୦୦ ଗ୍ରାମ୍ ପତ୍ର) ମିଶାଇ ସିଂଞ୍ଚନ କରନ୍ତୁ । ୧ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ବୁଣାଧାନରେ ପତ୍ରଚିତା ରୋଗ ଦେଖାଦେଲେ ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ ୨୫ ଇ.ସି. କିମ୍ବା ୪୦୦ ଗ୍ରାମ୍ ମ୍ୟାଙ୍କୋଜେବ୍ ୭୫ ଡବ୍ଲ୍ୟୁ.ପି. କିମ୍ବା ୪୦୦ ଗ୍ରାମ୍ କିମ୍ବା ଏକର ପ୍ରତି ୩୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୬୪% + ମ୍ୟାଙ୍କୋଜେବ୍ ୮% ୭୫ ଡବ୍ଲ୍ୟୁ.ପି ଭଲ ଭାବେ ମିଶାଇ ସିଂଚନ କରନ୍ତୁ । ଏକ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ । ୪୫ ଦିନରୁ ଅଧିକ ହୋଇଥିବା ବୁଣାଧାନ ଚାଷଜମିରେ ବେଉଷଣି ନକରିବା ଉଚିତ୍ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବାକୁ ଚାହୁଁଥିଲେ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (ricenXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

*******